## କେନ୍ଦୁଝର : ଭାରତରତ୍ନ ଡ଼ଃ ବି. ଆର୍. ଆମ୍ବେଦକର ଜୟନ୍ତୀ ପାଳିତ :

## ଦେଶ ପାଇଁ ଡ଼ଃ ଆମ୍ବେଦକରଙ୍କ ଅବଦାନ ଅତୁଳନୀୟ-ଜିଲ୍ଲାପାଳ

କେନ୍ଦୁଝର, ତା ୧୪.୦୪.        କେନ୍ଦୁଝର ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରଶାସନ ଆନୁକୂଲ୍ୟରେ ତା ୧୪.୦୪.୨୦୨୨ ରିଖ ଗୁରୁବାର ଦିନ ସମ୍ବିଧାନ ପ୍ରଣେତା ଭାରତରତ୍ନ ଡ଼ଃ ବି. ଆର୍. ଆମ୍ବେଦକରଙ୍କ ଜୟନ୍ତୀ ପାଳିତ ହୋଇଯାଇଛି । ଏହି ଉପଲକ୍ଷେ ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟର ଦରବାର ହଲ୍‌ଠାରେ ଆୟୋଜିତ ସମାରୋହରେ ମୁଖ୍ୟ ଅତିଥି ଭାବେ ଜିଲ୍ଲାପାଳ ଆଶିଷ ଠାକରେ ଯୋଗଦେଇ ଦେଶ ପାଇଁ ଡ଼ଃ ଆମ୍ବେଦକରଙ୍କ ଅବଦାନ ଅତୁଳନୀୟ ବୋଲି କହିଛନ୍ତି । ଉଦ୍‌ବୋଧନ ଛଳରେ ଜିଲ୍ଲାପାଳ ଶ୍ରୀ ଠାକରେ କହିଥିଲେ ଯେ ତାଙ୍କର ଆଦର୍ଶ, ତ୍ୟାଗ, ଶ୍ରେଣୀବିହୀନ ସମାଜ ଗଠନ, ସମାଜର ଦଳିତ ଅବହେଳିତ ଲୋକମାନଙ୍କୁ ସମାଜର ମୁଖ୍ୟସ୍ରୋତରେ ସାମିଲ କରିବା ପାଇଁ ଡ଼ଃ ଆମ୍ବେଦକରଙ୍କ ସଂଗ୍ରାମ ଚିରଦିନ ପାଇଁ ଅଭୁଲା ରହିବ ବୋଲି କହିବା ସହିତ ସମାଜରୁ ଭେଦଭାବ, ଛୁଆଁ ଅଛୁଆଁ ମନୋଭାବ ଦୂର କରିବା ପାଇଁ ଡକ୍ଟର ଆମ୍ବେଦକରଙ୍କ ଅବଦାନ ସର୍ବଦା ମହାନ୍ ହୋଇ ରହିବ ବୋଲି କହିଥିଲେ । ଡ଼ଃ ଆମ୍ବେଦକରଙ୍କ ବ୍ୟକ୍ତିତ୍ୱ, ଦକ୍ଷତା, ଜ୍ଞାନ ଗାରିମା ଏବଂ ସମାଜ ସଂସ୍କାର ସବୁବେଳେ ଉତରପୀଢିଙ୍କୁ ପ୍ରେରଣା ଯୋଗାଇବ ବୋଲି କହିଥିଲେ । ବିଶ୍ୱର ସର୍ବବୃହତ ଗଣତାନ୍ତ୍ରିକ ରାଷ୍ଟ୍ର ଭାରତ ପାଇଁ ସମ୍ବିଧାନ ପ୍ରଣୟନରେ ସେ ଯେଉଁ ନିଷ୍ଠା, ପରାକାଷ୍ଠା ଓ ଦୂରଦୃଷ୍ଟି ପ୍ରତିପାଦନ କରିଛନ୍ତି ତାହା ଭାରତ ଏବଂ ଭାରତର ସମ୍ବିଧାନକୁ ଅନନ୍ୟ କରିଛି । ବିଶ୍ୱର ଅନ୍ୟ କେତେକ ରାଷ୍ଟ୍ରରେ ଗଣତନ୍ତ୍ର ଓ ସମ୍ବିଧାନ ଭୁଷୁଡି ପଡିଥିବାବେଳେ ଭାରତରେ ଗଣତନ୍ତ୍ର ଓ ସମ୍ବିଧାନ ଗର୍ବର ସହିତ ତିଷ୍ଠି ରହିଛି ଏବଂ ସମଗ୍ର ବିଶ୍ୱକୁ ମାର୍ଗ ଦର୍ଶନ କରୁଛି । ବିଶେଷ କରି ଭାରତୀୟ ସମ୍ବିଧାନରେ ପ୍ରଦତ ମୌଳିକ ଅଧିକାର, ସମତା, ଭ୍ରାତୃତ୍ୱ ଏବଂ ସାମାଜିକ, ରାଜନୈତିକ ଓ ଅର୍ଥନୈତିକ ନ୍ୟାୟ ଭାରତୀୟ ସମ୍ବିଧାନର ବିଶେଷତ୍ୱ ପାଲଟିଛି । ଆଧୁନିକ ଭାରତରେ ମଧ୍ୟ ଡ଼ଃ ଆମ୍ବେଦକରଙ୍କ ଜୀବନାଦର୍ଶର ପ୍ରାସଙ୍ଗିକତା ରହିଛି ବୋଲି କହିଥିଲେ । ସୁସ୍ଥ ସମାଜ ଓ ସମୃଦ୍ଧ ଦେଶ ଗଠନ ପାଇଁ ଡକ୍ଟର ଆମ୍ବେଦକରଙ୍କ ଆଦର୍ଶରେ ସମସ୍ତେ ଅନୁପ୍ରାଣିତ ହେବାକୁ ଜିଲ୍ଲାପାଳ ଆହ୍ୱାନ ଜଣାଇଥିଲେ । ଏହି ସମାରୋହରେ ଅଧ୍ୟକ୍ଷତା କରି ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଯଦୁମଣି ମହଲା ଏବଂ ସମ୍ମାନିତ ଅତିଥି ଭାବେ ଆଦିବାସୀ ଉନ୍ନୟନ ସଂସ୍ଥା କେନ୍ଦୁଝରର ପ୍ରକଳ୍ପ ପ୍ରଶାସକ ବିଜନ କୁମାର ଥମ୍ବ ବକ୍ତବ୍ୟ ପ୍ରଦାନ କରି କହିଥିଲେ ଯେ ଡକ୍ଟର ଆମ୍ବେଦକରଙ୍କ ଜୟନ୍ତୀ ପ୍ରତ୍ୟେକ ଭାରତୀୟଙ୍କ ପାଇଁ ଗର୍ବର ଦିନ । ଜୟନ୍ତୀ ଅବସରରେ ଡକ୍ଟର ଆମ୍ବେଦକରଙ୍କୁ ସ୍ମରଣ କରିବା, ତାଙ୍କ ଆଦର୍ଶକୁ ଅନୁଶୀଳନ କରିବା ଏବଂ ତାଙ୍କରି ଆଦର୍ଶରେ ଉଦ୍‌ବୁଦ୍ଧ ହେବାକୁ ଆହ୍ୱାନ ଜଣାଇଥିଲେ । ଏତଦ୍ ବ୍ୟତୀତ ଡ଼ଃ ଆମ୍ବେଦକରଙ୍କୁ ଜଣେ ମହାନ୍ ଚିନ୍ତାନାୟକ, ରାଷ୍ଟ୍ରନାୟକ, ପ୍ରଜ୍ଞା ଓ ପାଣ୍ଡିତ୍ୟର ପ୍ରତୀକ, ବହୁମୁଖୀ ପ୍ରତିଭା ସମ୍ପନ୍ନ ଓ ଦଳିତ ସମାଜର ତ୍ରାଣକର୍ତା ଭାବେ ଅଭିହିତ କରି ତାଙ୍କର ଉଚ୍ଚ ଆଦର୍ଶ ଓ ମାନବୀୟ ମୂଲ୍ୟବୋଧର ପ୍ରଚାର ପ୍ରସାର ପାଇଁ ସମସ୍ତଙ୍କର ମାନସିକତା ରହିବା ଆବଶ୍ୟକ ବୋଲି କହିଥିଲେ । ଭାରତରତ୍ନ ଡ଼ଃ ଆମ୍ବେଦକରଙ୍କ ଆଦର୍ଶ ସଂପର୍କରେ ସଚେତନ ହୋଇ ତାଙ୍କର ସ୍ୱପ୍ନର ଭାରତବର୍ଷ ଗଠନ ପାଇଁ ସମସ୍ତେ ଅଙ୍ଗୀକାରବଦ୍ଧ ହେବାକୁ ନିବେଦନ କରିଥିଲେ । ସମାଜରୁ ଅସ୍ପୃଶ୍ୟତା ଦୂର କରି ଦେଶରେ ସୁସ୍ଥ ଓ ସମତାଭିତିକ ସମାଜ ଗଠନ, ସବୁ ଶ୍ରେଣୀର ଲୋକମାନଙ୍କ ସ୍ୱାର୍ଥର ସୁରକ୍ଷା ଓ ଭାରତର ସମ୍ବିଧାନ ପ୍ରଣୟନରେ ଡ଼ଃ ଆମ୍ବେଦକରଙ୍କ ଭୂମିକା ସଂପର୍କରେ ଅବତାରଣା କରି ତାଙ୍କରି ଆଦର୍ଶକୁ ଉଜ୍ଜିବିତ ରଖିବା ନିମନ୍ତେ ସମସ୍ତେ ନିଷ୍ଠାର ସହ କାର୍ଯ୍ୟକରିବାକୁ ଆହ୍ୱାନ ଦେଇଥିଲେ । ଉପନିର୍ଦ୍ଦେଶକ ସୂଚନା ଓ ଲୋକ ସଂପର୍କ କେନ୍ଦୁଝର ସଂଜୀବ ବାରିକ ସ୍ୱାଗତଭାଷଣ ପ୍ରଦାନ କରିବା ସହ କାର୍ଯ୍ୟକ୍ରମର ସଂଚାଳନା କରିଥିଲେ । ଏହି ଅବସରରେ ଜିଲ୍ଲା ପ୍ରଶାସନ ଆନୁକୂଲ୍ୟରେ ଆୟୋଜିତ ଉଚ୍ଚ ବିଦ୍ୟାଳୟସ୍ତରୀୟ ବକ୍ତୃତା ପ୍ରତିଯୋଗିତାର କୃତୀ ପ୍ରତିଯୋଗୀ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର କେନ୍ଦୁଝରର ଛାତ୍ର ମାନସ ରଞ୍ଜନ ଦୀକ୍ଷିତ୍, ସରକାରୀ ଉଚ୍ଚ ବିଦ୍ୟାଳୟ ମୋଚିବନ୍ଧର ଛାତ୍ରୀ ଅର୍ପିତା ମହାନ୍ତି ଏବଂ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର କେନ୍ଦୁଝରର ଛାତ୍ର ବିବେକ କୁମାର ସାହୁଙ୍କୁ  ପୁରସ୍କୃତ କରାଯାଇଥିଲା । ଏହି ସମାରୋହରେ ବିଭିନ୍ନ ବିଭାଗୀୟ ଅଧିକାରୀ/କର୍ମଚାରୀ, ଛାତ୍ରଛାତ୍ରୀ, ଶିକ୍ଷାବିତ୍, ଗଣମାଧ୍ୟମର ପ୍ରତିନିଧି ପ୍ରମୁଖ ଯୋଗ ଦେଇଥିଲେ । ଡ଼ଃ ଆମ୍ବେଦକର ଜୟନ୍ତୀ ପାଳନ ଅବସରରେ ସକାଳେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଅବସ୍ଥାପିତ ସମ୍ବିଧାନ ପ୍ରଣେତା ଡ଼ଃ ଆମ୍ବେଦକର, ଜାତିର ଜନକ ମହାତ୍ମା ଗାନ୍ଧୀ, ଉତ୍କଳ ଗୌରବ ମଧୁବାବୁଙ୍କ ପ୍ରତିମୂର୍ତିରେ ଅତିଥିବୃନ୍ଦ, ବିଭିନ୍ନ ଅନୁଷ୍ଠାନ ଓ ସଂଗଠନର କର୍ମକର୍ତା ମାଲ୍ୟାର୍ପଣ କରି ଭକ୍ତିପୂତ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ ।

ସଂଜୀବ 14/4/2022

ଉପନିର୍ଦ୍ଦେଶକ, ସୂଚନା ଓ ଲୋକ ସଂପର୍କ, କେନ୍ଦୁଝର